ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୩.୧୦ : ଆଜି ପୂର୍ବାହ୍ଣରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍‌ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୪୧ଟି ଅଭିଯୋଗରୁ ୩୯ଟି ବ୍ୟକ୍ତିଗତ ଓ ୨ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୪୧ ଅଭିଯୋଗ ମଧ୍ୟରୁ ୪ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟ ସମସ୍ୟା, ସ୍ୱାସ୍ଥ୍ୟ, ଗ୍ରାମୀଣ ଆବାସ , ଜମି ଜମା ସମ୍ବନ୍ଧୀୟ, ବ୍ୟକ୍ତିଗତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ର ,ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରୀତିମୟ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି, ଡେପୁଟୀ କଲେକ୍ଟର ଶ୍ରୀ ସତ୍ୟାନନ୍ଦ ଦାସଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୫୮୭ ତା.୦୩.୧୦.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ ।


COURT OF THE COLLECTOR & DISTRICT MAGISTRATE
ANGUL


realme Shot on realme 9 Pro 5G